ଗ୍ରାମୀଣ କୃଷି ମୌସୁମୀ ସେବା

ଭାରତୀୟ ପାଣିପାଗ ବିଭାଗ

ଓଡ଼ିଶା କୃଷି ଏବଂ ପ୍ରଯୁକ୍ତିବିଦ୍ୟା ବିଶ୍ୱବିଦ୍ୟାଳୟ

ଭୁବନେଶ୍ୱର, ଓଡିଆ

# କୃଷି ଉପଦେଶ ପ୍ରସାରିତ ସମାଚାର

ତାରିଖ : 12-12-2023

ଗଜପତି(ଓଡିଶା) - :2023-12-12 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)

| ପାଣିପାଗ କାରକ | 2023-12-13 | 2023-12-14 | 2023-12-15 | 2023-12-16 | 2023-12-17 |
|---|---|---|---|---|---|
| ବର୍ଷା (ମିମି) | 0.0 | 0.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 30.5 | 30.0 | 30.0 | 30.0 | 30.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 19.0 | 18.0 | 19.0 | 19.0 | 18.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 86 | 83 | 88 | 70 | 63 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 38 | 35 | 35 | 34 | 28 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 4 | 4 | 4 | 4 | 4 |
| ପବନର ଦିଗ (ଡିଗ୍ରୀ) | 200 | 191 | 111 | 117 | 112 |
| ମେଘାଚ୍ଛନ (ଅକ୍ଟା) | 1 | 3 | 3 | 0 | 0 |

## ପାଣିପାଗ ସାରାଂଶ/ସତର୍କ:

ଭାରତ ପାଣିପାଗ ବିଭାଗ ରୁ ମିଳିଥିବା ପାଣିପାଗ ପୂର୍ବାନୁମାନ ଅନୁଯାୟୀ, ଜିଲ୍ଲାରେ ଶନିବାର ଦିନ ପର୍ଯ୍ୟନ୍ତ ପାଗ ଶୁଖିଲା ରହିବା ସହିତ ଆକାଶ ସ୍ୱଚ୍ଛ ରୁ ଆଂଶିକ ମେଘୁଆ ରହିବାର ସମ୍ଭାବନା ରହିଛି । ଆସନ୍ତା ପାଞ୍ଚ ଦିନ ପର୍ଯ୍ୟନ୍ତ ପବନର ବେଗ ୦୪.୦ କିଲୋମିଟର ପ୍ରତି ଘଣ୍ଟା ରହିବାର ସମ୍ଭାବନା ରହିଛି । ଦୈନିକ ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଯଥାକ୍ରମେ ୩୦.୦° ସେଲସିୟସ ରୁ ୩୧.୦° ସେଲସିୟସ ଏବଂ ୧୮.୦° ସେଲସିୟସ ରୁ ୧୯.୦° ସେଲସିୟସ ମଧ୍ୟରେ ରହିବାର ସମ୍ଭାବନା ରହିଛି । ସକାଳେ ଏବଂ ଅପରାହ୍ନରେ ଆପେକ୍ଷିକ ଆର୍ଦ୍ରତା ଯଥାକ୍ରମେ ୬୩ ରୁ ୮୮ ଶତକଡା ଏବଂ ୨୮ ରୁ ୩୮ ଶତକଡା ମଧ୍ୟରେ ରହିପାରେ ।

## ସାଧାରଣ ଉପଦେଶ:

ଗଜପତି ଜିଲ୍ଲାରେ ଗତ ସପ୍ତାହରେ ହାରାହାରି ସର୍ବାଧିକ ଦୈନିକ ତାପମାତ୍ରା ୩୦.୩° ସେଲସିୟସ ଏବଂ ହାରାହାରି ସର୍ବନିମ୍ନ ଦୈନିକ ତାପମାତ୍ରା ୨୦.୦° ସେଲସିୟସ ଥିଲା । ଗତ ସପ୍ତାହରେ ଜିଲ୍ଲାରେ ୧୯.୨ ମିଲିମିଟର ବର୍ଷା ହୋଇଅଛି । କୁହୁଡି ଓ କମ୍ ତାପମାତ୍ରା ରୁ ପନିପରିବା କୁ ରକ୍ଷା କରିବା ନିମନ୍ତେ ସକାଳ ଓ ସନ୍ଧ୍ୟା ସମୟରେ ଶୀତ ଦିନିଆ ପନିପରିବା ରେ ହାଲୁକା ଜଳ ସେଚନ କରନ୍ତୁ । କମ୍ ତାପମାତ୍ରା ଓ କୁହୁଡିଆ ପାଗ ଯୋଗୁଁ ରବି ଫସଲରେ ଶୋଷକ କୀଟ, ପତ୍ରପୋଡା ଓ ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ରହିଛି । ଏହାର ନିରାକରଣର ବ୍ୟବସ୍ଥା କରନ୍ତୁ । ରବି ପନିପରିବା ରେ ଘାସ ବାଛି କୋଡାଖୋସା କରନ୍ତୁ । କୋବି ଜାତୀୟ ପନିପରିବା ଫସଲରେ ୭-୮ ଦିନ ବ୍ୟବଧାନରେ ଜଳସେଚନ କରନ୍ତୁ । ଶୀତ ଋତୁ ରେ ଅଧିକ ଥଣ୍ଡା ସମୟରେ ଗାଈ ଗୁହାଳରେ ପଲିଥିନ୍ କିମ୍ବା ଅଖା ଦ୍ୱାରା ଆଚ୍ଛାଦିକରଣ କରିବାର ବ୍ୟବସ୍ଥା କରନ୍ତୁ । କୁକୁଡା ରହୁଥିବା ଘରେ ଉତ୍ତାପ ବଜାୟ ରଖିବା ପାଇଁ ରୁମ୍ ହିଟର କିମ୍ବା ୨୦୦ ୱାଟ ବଲ୍ ଲଗାନ୍ତୁ ।

## ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

| |
|---|
| ବର୍ତ୍ତମାନ ତାପମାତ୍ରା କମ୍ ରହୁଥିବାରୁ, ପନିପରିବା ମଞ୍ଜି ଶୀଘ୍ର ଗଜା ହେବା ପାଇଁ, ତଳିଘେରା ରେ ପଲିଥିନ୍ ଦ୍ୱାରା ଆଚ୍ଛାଦିକରଣ କରନ୍ତୁ । |

## ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | ଧାନ ସାଇତି ରଖିଥିବା ବସ୍ତା କିମ୍ବା କୋଠରୀରେ ପୋକ ଦେଖାଦେଲେ ଆଲୁମିନିୟମ ଫସଫାଇଡ୍ ଟାବଲେଟ ଏକ ଟନ ଧାନ ପିଛା ୩ ଟି (ସମୁଦାୟ ୯ ଗ୍ରାମ ଟାବଲେଟ) କନାରେ ଗୁଡାଇ ରଖନ୍ତୁ । ଏହାପରେ ଭଲଭାବରେ ତାରପୋଲିନ ଘୋଡାଇ ଦିଅନ୍ତୁ ଯେପରିକି କିଛି ଫାଙ୍କା ଜାଗା ନ ରୁହେ । ଯଦି କୋଠରୀର ସନ୍ଧି ଜାଗା କିମ୍ବା କବାଟ ଫାଙ୍କ ଜାଗା ଥାଏ ତେବେ କାଦୁଅ କିମ୍ବା ସେଲୋଟ୍ୟାପ ଦେଇ ଭଲ ଭାବରେ ବନ୍ଦ କରନ୍ତୁ, ଯେପରିକି ବାଷ୍ପ ବାହାରକୁ ନ ଆସେ । ଏହିପରି ୭ ରୁ ୧୦ ଦିନ ପର୍ଯ୍ୟନ୍ତ କୋଠରୀର ବସ୍ତା ମୁହଁ ଭଲ ଭାବରେ ବନ୍ଦ ରଖନ୍ତୁ । |

## ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ಮೆಣಸಿನಾ್ಕಠಿ | ଲଙ୍କା ଫସଲରେ ବର୍ତ୍ତମାନ ସମୟରେ ଶୋଷକ ପୋକ ଯଥା ଜଉ ପୋକ ଓ ପତ୍ର ଉକୁଣି ପୋକ ସମ୍ଭାବନା ରହିଛି । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ରାସାୟନିକ ଉପାୟରେ ଏକର ପ୍ରତି ୪୦ ଗ୍ରାମ ଥାୟମେଥୋକଜାମ ନାମକ କୀଟନାଶକ କିମ୍ବା ୫୦ ଗ୍ରାମ ଏସିଟାମିପ୍ରିଡ ନାମକ କୀଟନାଶକ କିମ୍ବା ୪୦୦ ମିଲି ପ୍ରୋଫେନୋଫସ ଓ ଫେନପାଇରୋକ୍ସିମାଇଟ ର ମିଳିତ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ଲଙ୍କା | ଲଙ୍କା ଫସଲରେ ବର୍ତ୍ତମାନ ସମୟରେ ଶୋଷକ ପୋକ ଯଥା ଜଉ ପୋକ ଓ ପତ୍ର ଉକୁଣି ପୋକ ସମ୍ଭାବନା ରହିଛି । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ରାସାୟନିକ ଉପାୟରେ ଏକର ପ୍ରତି ୪୦ ଗ୍ରାମ ଥାୟମେଥୋକଜାମ ନାମକ କୀଟନାଶକ କିମ୍ବା ୫୦ ଗ୍ରାମ ଏସିଟାମିପ୍ରିଡ ନାମକ କୀଟନାଶକ କିମ୍ବା ୪୦୦ ମିଲି ପ୍ରୋଫେନୋଫସ ଓ ଫେନପାଇରୋକ୍ସିମାଇଟ ର ମିଳିତ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ବନ୍ଧାକୋବି | କୋବି ଫସଲରେ ଠିକିରି ପିଠିଆ ପୋକ ର ପରିଚାଳନା ପାଇଁ ଏକର ପ୍ରତି ୬-୮ ଟି ଆଲୋକ ଯନ୍ତା ଲଗାନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୧ ଲିଟର ନିମ୍ବ ଆଧାରିତ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ରାସାୟନିକ ଉପାୟରେ ଏହି କୀଟର ପରିଚାଳନା ପାଇଁ ଏକର ପ୍ରତି ୪୦୦ ମିଲି Tolfenpyrad ନାମକ କୀଟନାଶକ କିମ୍ବା ୨୦ ଗ୍ରାମ Flubendiamide ନାମକ କୀଟନାଶକ କିମ୍ବା ୮୦ ଗ୍ରାମ Emamectin Benzoate କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ଟମାଟର | ଧଳା ମାଛିକୁ ଆକର୍ଷଣ କରିବା ପାଇଁ ଏକର ପ୍ରତି ୮ ରୁ ୧୦ ଟି ହଳଦିଆ ଅଠାଯୁକ୍ତ ଯନ୍ତା ବ୍ୟବହାର କରନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ରାସାୟନିକ ଉପାୟରେ ଟମାଟୋ ଫସଲରେ ଧଳାମାଛି ର ପରିଚାଳନା ନିମନ୍ତେ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୨୦୦ ମିଲି Pyriproxifen ନାମକ କୀଟନାଶକ କିମ୍ବା ୨୫୦ ମିଲି Spiromesifen ନାମକ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |

## ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଗାଈ | ଶୀତ ଋତୁରେ ଗାଈଗୋରୁ ମାନଙ୍କୁ ବାୟୁ ଚଳପ୍ରଚଳ କରୁଥିବା ଗୁହାଳ ଘରେ ରଖନ୍ତୁ । ଗୁହାଳର ଚଟାଣ ସଫା ଓ ଶୁଖିଲା ରଖନ୍ତୁ, ଗାଈଗୋରୁ ଶୋଇବା ସ୍ଥାନରେ ନଡା ବିଛେଇ ଦିଅନ୍ତୁ । ଶୀତ ଦିନରେ ତାପମାତ୍ରା ହ୍ରାସ ପାଉଥିବାରୁ ଗାଈଗୋରୁ ମାନଙ୍କୁ ଅଧିକ ମାତ୍ରାରେ ଖାଦ୍ୟ ଆବଶ୍ୟକ ହୋଇଥାଏ । ଦୁଗ୍ଧ ଉତ୍ପାଦନ ବଢେଇବା ପାଇଁ ଘାସ ଜାତୀୟ ଗୋଖାଦ୍ୟ ଅଧିକ ମାତ୍ରାରେ ଖାଇବାକୁ ଦିଅନ୍ତୁ । ମଇଁଷି ଓ ଗାଈଗୋରୁ ମାନଙ୍କ ଶରୀର ତାପମାତ୍ରା ବଜାୟ ରଖିବା ପାଇଁ ମକା, ଗହମ ଓ ତେଲ ପିଡିଆ ଆଦି ଗୋଖାଦ୍ୟ ୩ କେଜି ହିସାବରେ ଦିଅନ୍ତୁ । |

### ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ମତ୍ସ୍ୟ ପାଳନ | ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| କମନ କାର୍ପ | ଶୀତ ଋତୁରେ ମାଛ ମାନଙ୍କ ଦେହରେ କବକ, ବୀଜାଣୁ ଓ ପରଜୀବୀ ଜନିତ ରୋଗ ଦେଖାଯାଇଥାଏ । ଏହି ରୋଗମାନଙ୍କର ନିରାକରଣ ନିମନ୍ତେ ଏକ ଏକର ପୋଖରୀ ପ୍ରତି ୪୦୦ ମିଲି CIFAX କୁ ୪୦ ଲିଟର ପାଣିରେ ମିଶାଇ ବିଶୋଧନ କରନ୍ତୁ । ପ୍ରତି ଦିନ ମାଛ ମାନଙ୍କୁ ତେଲ ପିଡିଆ ଖାଇବାକୁ ଦିଅନ୍ତୁ । |

### ଅନ୍ୟ (ମୃତ୍ତିକା / ଜମି ପ୍ରସ୍ତୁତି) ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଅନ୍ୟ (ମୃତ୍ତିକା / ଜମି ପ୍ରସ୍ତୁତି) | ଅନ୍ୟ (ମୃତ୍ତିକା / ଜମି ପ୍ରସ୍ତୁତି) ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ପ୍ଲାଣ୍ଟ ପ୍ରୋଟେକ୍ସନ | ଶୀତ ଦିନିଆ ପନିପରିବା, କୋବି, ବାଇଗଣ, ଟମାଟୋ ଓ ଲଙ୍କା ଫସଲରେ ପତ୍ରଖିଆ ଓ ଫଳବିନ୍ଧା ପୋକର ଦମନ ପାଇଁ ୧ ଲିଟର ପାଣିରେ ୦.୫ ଗ୍ରାମ Emamectin benzoate କିମ୍ବା ୦.୪ ଗ୍ରାମ Spinosad ପ୍ରୟୋଗ କରନ୍ତୁ । |